# ପୌରପରିଷଦ କାର୍ଯ୍ୟାଳୟ, ରାଇରଙ୍ଗପୁର

ସଂଖ୍ୟା ୩୨୨୨ ତା୦୭.୧୨.୨୦୨୩

**୨୦୨୩-୨୪ ଆର୍ଥିକ ବର୍ଷ ନିମନ୍ତେ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଦ୍ୱାରା ୪ଗୋଟି ଗୋଷ୍ଠୀ ଶୌଚାଳୟ ନିର୍ମାଣ କାର୍ଯ୍ୟ କରିବା ନିମନ୍ତେ ଅଭିବ୍ୟକ୍ତି ପ୍ରକାଶନ (ଏକ୍ସପ୍ରେସନ୍ ଅଫ୍ ଇଂଟେରେଷ୍ଟ)**

ଏତଦ୍ୱାରା ରାଇରଙ୍ଗପୁର ପୌରପରିଷଦ, ରାଇରଙ୍ଗପୁର ଅନ୍ତର୍ଗତ ୱାର୍ଡ ନଂ. ୩, ୮,୧୧ ଏବଂ ୧୩ର ସମସ୍ତ ସ୍ୱୟଂ ସହାୟକ ଗୋଷ୍ଠୀ ମାନଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ରାଇରଙ୍ଗପୁର ପୌରାଂଚଳରେ ୪ଗୋଟି ଗୋଷ୍ଠୀ ଶୌଚାଳୟ ମୁକ୍ତା ନିୟମାବଳୀ ଅନୁଯାୟୀ ସମ୍ପାଦନ କରିବା ନିମନ୍ତେ ଦରଖାସ୍ତ ଆହ୍ୱାନ କରାଯାଉଅଛି ।

ଏଣୁ ଏଥି ନିମନ୍ତେ ଆଗ୍ରହୀ ମିଶନ ଶକ୍ତି ଗୋଷ୍ଠୀମାନେ ଆସନ୍ତା ତା୧୨.୧୨.୨୦୨୩ରିଖ ଅପରାହ୍ନ ୪ଘଟିକା ମଧ୍ୟରେ ରାଇରଙ୍ଗପୁର ପୌର ପରିଷଦରେ ନିଜର ମୁଦା ଲଫାପାରେ ଆବେଦନ ପତ୍ର ଦାଖଲ କରିପାରିବେ ।

୧- ଏହି ଅଭିବ୍ୟକ୍ତି ଆବେଦନ ସମୟ ସମ୍ପୂର୍ଣ୍ଣ ହେବା ପରେ ତା୧୩.୧୨.୨୦୨୩ରିଖ ପୂର୍ବାହ୍ନ ୧୧ଘଟିକା ସମୟରେ ରାଇରଙ୍ଗପୁର ପୌରପରିଷଦ ସଭା ଗୃହରେ ଖୋଲା ଯିବ ବୋଲି ସ୍ଥିର କରାଯାଇଅଛି ।

୨- ଏଥି ନିମନ୍ତେ ଆଗ୍ରହୀ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଏହାର ଅଭିବ୍ୟକ୍ତି ପ୍ରକାଶନ ସହିତ ଆବେଦନ ପତ୍ର ରାଇରଙ୍ଗପୁର ପୌରପରିଷଦର ୱେବ୍ ସାଇଟ୍ www.rairangpurmunicipality.org.ରୁ ଡାଉନ୍ ଲୋଡ୍ କରିପାରିବେ ଏବଂ ଗୋଷ୍ଠୀ ସଙ୍ଗଠିକାଙ୍କ ପାଖରୁ ମଧ ପାଇ ପାରିବେ ।

୩- ଯେଉଁ ସ୍ୱୟଂ ସହାୟକ ଗୋଷ୍ଠୀ ମାନେ ଯୋଗ୍ୟ ପ୍ରମାଣିତ ହୁଅନ୍ତି ସେହି ଗୋଷ୍ଠୀମାନଙ୍କ ମଧ୍ୟରେ ଲଟେରୀ ଦ୍ୱାରା କାର୍ଯ୍ୟଗୁଡ଼ିକୁ କରିବା ପାଇଁ ଚୟନ କରାଯିବ ।

୪- ଏହି ଅଭିବ୍ୟକ୍ତି ପ୍ରକାଶନରେ ୱାର୍ଡ ନଂ. ୩, ୮,୧୧ ଏବଂ ୧୩ର ସମସ୍ତ ସ୍ୱୟଂ ସହାୟକ ଗୋଷ୍ଠୀମାନେ ଭାଗ ନେଇ ପାରିବେ ।

**ବିଶେଷ ଦ୍ରଷ୍ଟବ୍ୟ**

୧-ଆର୍ଥିକ ବର୍ଷ (୨୦୨୧-୨୨) (୨୦୨୨-୨୩) (୨୦୨୩-୨୪)ରେ ଯେଉଁ ସବୁ ସ୍ୱୟଂ ସହାୟକ ଗୋଷ୍ଠୀ ସହରର ରୂପାନ୍ତରୀକରଣ ଏବଂ **5T ବିଦ୍ୟାଳୟ** କାର୍ଯ୍ୟ ପାଇ ନାହାନ୍ତି ସେହି ଗୋଷ୍ଠୀମାନଙ୍କୁ ପ୍ରଥମେ ଅଗ୍ରାଧିକାର ଦିଆଯିବ । ଏତତ୍ ବ୍ୟତୀତ ଯଦି କୌଣସି କାର୍ଯ୍ୟ ବଳକା ରହିଯାଏ ତେବେ ସମସ୍ତ ସ୍ୱୟଂ ସହାୟିକା ଗୋଷ୍ଠୀମାନଙ୍କୁ ଏହି ଲଟେରୀରେ ଭାଗ ନେବା ପାଇଁ ସୁଯୋଗ ଦିଆଯିବ ।

**ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ର ଯୋଗ୍ୟତା ପରିମାପକ ମାନଦଣ୍ଡ**

୧- ଆବେଦନ କରୁଥିବା ସ୍ୱୟଂ ସହାୟିକା ଗୋଷ୍ଠୀ ସମ୍ପୃକ୍ତ ୱାର୍ଡର ହୋଇଥିବ ।

୨- ପଞ୍ଚ ସୂତ୍ରୀ ନିୟମକୁ ଅନୁପାଳନ କରାଯିବ, (ନିୟମିତ ବୈଠକ, ନିୟମିତ ସଂଚୟ, ନିୟମିତ ଗୋଷ୍ଠୀ ମଧରେ ଋଣ କାରବାର, ନିୟମିତ ପରିଶୋଧ, ନିୟମିତ ହିସାବ ରଖିବା ଇତ୍ୟାଦି) ।

୩- ସ୍ୱୟଂ ସହାୟିକା ଗୋଷ୍ଠୀ ପଞ୍ଜିକରଣ ଅଭିବ୍ୟକ୍ତି ପ୍ରକାଶନର ତାରିଖ ପୂର୍ବରୁ ଏକ ବର୍ଷ ହୋଇଥିବ ।

୪- ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ର ପରମାନେନ୍ଟ ଆକାଉଂଟ୍ (ପ୍ୟାନ୍ ନମ୍ବର) ଥିବ ।

୫- ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ର ଜମାଖାତା ସକ୍ରିୟ ଥିବ ।

୬- କୌଣସି ଆର୍ଥିକ ଅନିୟମିତତା ଯଥା ଋଣ, ଏନ୍.ପି.ଏ. କିମ୍ବା ୱାନ୍ ଟାଇମ୍ ସେଟେଲ୍‌ମେଂଟ୍ ଘୋଷିତ ହୋଇନଥିବ ।

୭- ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୪୦ଲକ୍ଷରୁ ଅଧିକ କାର୍ଯ୍ୟ କରିନଥିବେ ।

୮- ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୨.୫ଲକ୍ଷ ରୁ ଅଧିକ ତଦାରଖ ରାଶି ଯଦି ପାଇଥିବେ ସେ ସରକାରଙ୍କ ଆୟକର ଦେୟ କରିଥିବେ ।

(Signature) 7/12/2023

ନିର୍ବାହୀ ଅଧିକାରୀ
ରାଇରଙ୍ଗପୁର ପୌରପାଳିକା

ଜ୍ଞାପକ ସଂଖ୍ୟା ୩୭୬ ତା୦୭.୧୨.୨୦୨୩

ଏହାର ଏକକିତା ନକଲ ଶିଶୁ ବିକାଶ ଯୋଜନା ଅଧିକାରୀ, ରାଇରଙ୍ଗପୁର / ଜିଲ୍ଲା ସହର ଉନ୍ନୟନ ସଂସ୍ଥା, ମୟୂରଭଞ୍ଜ / ରାଜ୍ୟ ସହର ଉନ୍ନୟନ ସଂସ୍ଥା, ଓଡିଶା, ଭୁବନେଶ୍ୱରଙ୍କ ସଦୟ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

(Signature) 7/12/2023

ନିର୍ବାହୀ ଅଧିକାରୀ
ରାଇରଙ୍ଗପୁର ପୌରପାଳିକା

## Application for Const. of Community Toilet under MUKTA Guidelines in Rairangpur Municipality

| | |
|---|---|
| Name of the Mission Shakti SHG | |
| Mission Shakti SHG Registration Number | |
| Mission Shakti SHG Registration Year | |
| Ward No | |
| Mission Shakti SHG PAN Number | |
| Communication Adress | |
| Contact Number- President/ Secretary | |
| Mission Shakti SHG Bank Account Number | |
| IFSC Details | |
| Branch Name | |

Required Documents:-

1. 1st Resolution Xerox Copy.
2. Bank Pass book Xerox Copy
3. Pan Card Xerox Copy

Signature with Seal
President

Signature with Seal
Secretary